# ରାଜ୍ୟ ସଂଗ୍ରହାଳୟରେ ପ୍ରତିଷ୍ଠା ହେବ ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର

ଭୁବନେଶ୍ୱର,୧୬।୧୨(ବ୍ୟୁରୋ): ଓଡ଼ିଶା ରାଜ୍ୟ ସଂଗ୍ରହାଳୟ ପରିସରରେ କେନ୍ଦ୍ର ସାହିତ୍ୟ ଏକାଡେମୀର ଏକ 'ମୌଖିକ ଓ ଜନଜାତି ସାହିତ୍ୟ କେନ୍ଦ୍ର' (Centre

## ଜନଜାତି ସାହିତ୍ୟର ଗବେଷଣା ପାଇଁ ସୁଯୋଗ ସୃଷ୍ଟି ହେବ

for Oral & Tribal Literature) ପ୍ରତିଷ୍ଠା ହେବ। ସର୍ବସାଧାରଣଙ୍କ ନିମନ୍ତେ ପ୍ରତିଷ୍ଠିତ ହେବା ପାଇଁ ଓଡ଼ିଶା ରାଜ୍ୟ ସଂଗ୍ରହାଳୟ ଏବଂ କେନ୍ଦ୍ରୀୟ ସାହିତ୍ୟ ଏକାଡେମୀ ମଧ୍ୟରେ ଆଜି ଚୁକ୍ତିନାମା ସ୍ୱାକ୍ଷରିତ ହୋଇଛି।

୨୦୨୨ ସେପ୍ଟେମ୍ବର ୮ ତାରିଖରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗର ନିଷ୍ପତ୍ତି ଅନୁଯାୟୀ ଏହି ରାଜିନାମା ସ୍ୱାକ୍ଷରିତ ହୋଇଛି। ଏହି କେନ୍ଦ୍ର ମାଧ୍ୟମରେ ବିଶେଷ କରି ପୂର୍ବାଞ୍ଚଳ ଓ ଉତ୍ତର ପୂର୍ବାଞ୍ଚଳରେ ଜନଜାତି ସାହିତ୍ୟର ପ୍ରଚାର, ପ୍ରସାର ତଥା ଗବେଷଣା ପାଇଁ ସୁଯୋଗ ସୃଷ୍ଟି ହେବ। ଆଗ୍ରହୀ ସାହିତ୍ୟିକ ଓ ଗବେଷକମାନେ ଏହି କେନ୍ଦ୍ରର ସଦୁପଯୋଗ କରିବାକୁ ଅନୁରୋଧ କରାଯାଇଛି। ଏହି କାର୍ଯ୍ୟକ୍ରମରେ ଓଡ଼ିଶା ରାଜ୍ୟ ସରକାରଙ୍କ ପକ୍ଷରୁ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗର ନିର୍ଦ୍ଦେଶକ ରଞ୍ଜନ କୁମାର ଦାସ ଓ ରାଜ୍ୟ ସଂଗ୍ରହାଳୟ ଅଧୀକ୍ଷକ ଡ. ଭାଗ୍ୟଲିପି ମଲ୍ଲ ଏବଂ କେନ୍ଦ୍ର ସାହିତ୍ୟ ଏକାଡେମୀର ସଚିବ ଡ. କେ. ଶ୍ରୀନିବାସ ରାଓ ଏବଂ ଏକାଡେମୀର ଓଡ଼ିଆ ଭାଷା ପରାମର୍ଶଦାତା କମିଟିର ଆବାହକ ଡ. ବିଜୟାନନ୍ଦ ସିଂହ ଉପସ୍ଥିତ ଥିଲେ। କେନ୍ଦ୍ର ସାହିତ୍ୟ ଏକାଡେମୀର ସଚିବ ଏଥିପାଇଁ ଓଡ଼ିଶା ରାଜ୍ୟ ସରକାରଙ୍କୁ କୃତଜ୍ଞତା ଜଣାଇଛନ୍ତି।